Gramin Krishi Mausam Sewa
India Meteorological Department
Odisha University of Agriculture and Technology
Bhubaneswar -751 003

Dr.T.R. Mohanty
Nodal Officer

**ସପ୍ତାହ –୩୪**

ନ.- ୭୭୧ (ଓଡିଆ ବୁଲେଟିନ)
ତାରିଖ-୨୨.୦୮ . ୨୦୨୫

(ସୌଜନ୍ୟ – ଓୟୁଏଟି ସ୍ଥିତ କୃଷି ପାଣିପାଗ ଉପବିଭାଗ ଓ ଓଡ଼ିଶା ସରକାରଙ୍କ କୃଷି ନିର୍ଦ୍ଦେଶାଳୟ, ପ୍ରାଣୀପାଳନ ଓ ପ୍ରାଣୀ ଚିକିତ୍ସା ନିର୍ଦ୍ଦେଶାଳୟ ଓ ମତ୍ସ୍ୟ ନିର୍ଦ୍ଦେଶାଳୟ)

## ପାଣିପାଗ ସୂଚନା

ଭାରତୀୟ ପାଣିପାଗ କେନ୍ଦ୍ରର ପୂର୍ବାନୁମାନ ଅନୁଯାୟୀ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଜଗତସିଂଘପୁର, କେନ୍ଦ୍ରାପଡା, ଖୋର୍ଦ୍ଧା ଓ ପୁରୀ ଜିଲ୍ଲାରେ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି । ଆଗାମୀ ୫ ଦିନ ପର୍ଯ୍ୟନ୍ତ ଆକାଶ ସାଧାରଣତଃ ମେଘୁଆ ରହିବାର ସମ୍ଭାବନା ଥିବାବେଳେ ଉପରୋକ୍ତ ଜିଲ୍ଲା ମାନଙ୍କରେ ପବନର ବେଗ ହାରାହାରି ୦୩ ରୁ ୧୫ କି.ମି. ପ୍ରତି ଘଣ୍ଟା ପର୍ଯ୍ୟନ୍ତ ରହିବାର ସୂଚନା ରହିଛି । ସେହିପରି ଆଗାମୀ ୫ ଦିନ ପର୍ଯ୍ୟନ୍ତ ଦିନର ସର୍ବୋଚ୍ଚ ଓ ସର୍ବନିମ୍ନ ତାପମାତ୍ରା ଯଥାକ୍ରମେ ୨୮ ରୁ ୩୨ ଡିଗ୍ରୀ ସେଲସିଅସ ଓ ୨୩ ରୁ ୨୮ ଡିଗ୍ରୀ ସେଲସିଅସ ମଧ୍ୟରେ ରହିବାର ସମ୍ଭାବନା ରହିଅଛି ।

## ବିଶେଷ ସୂଚନା

- ❖ ପାଣିପାଗର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ଜଗତସିଂଘପୁର, କେନ୍ଦ୍ରାପଡା, ଖୋର୍ଦ୍ଧା ଓ ପୁରୀ ଜିଲ୍ଲାରେ ସ୍ୱଳ୍ପ ବର୍ଷା ହେବାର ସମ୍ଭାବନା ରହିଅଛି ।
- ❖ ବୁଣା ଧାନରେ ଘାସମରା ଔଷଧ ପ୍ରୟୋଗ କରି ନଥିଲେ ଧାନ ବୁଣିବାର ୨୫ -୩୦ ଦିନ ପରେ ବେଉଷଣ କରି ଦିଅନ୍ତୁ ।
- ❖ ଆଗାମୀ ୫ ଦିନ ପର୍ଯ୍ୟନ୍ତ ବର୍ଷାର ସମ୍ଭାବନା ଥିବାରୁ ଫସଲରେ ସାର ଓ କୀଟନାଶକ ପ୍ରୟୋଗ ସାମୂହିକ ପାଇଁ ସ୍ଥଗିତ ରଖନ୍ତୁ ।
- ❖ ଶସ୍ୟ ଜାତୀୟ ଫସଲ, ମକା, ଚିନାବାଦାମ ଏବଂ ପନିପରିବା ଆଦି ଚାଷ ହେଇଥିବା ଜମିରୁ ବଳକା ପାଣି ନିଷ୍କାସନର ବ୍ୟବସ୍ଥା କରନ୍ତୁ ।
- ❖ ଝୋଟ କ୍ଷେତରୁ ଅତିରିକ୍ତ ଜଳ ନିଷ୍କାସନ କରନ୍ତୁ, କାରଣ ଏହା ଫାଇବର (ତନ୍ତୁ) ର ଗୁଣ ଉପରେ ପ୍ରଭାବ ପକାଇଥାଏ ।
- ❖ ବର୍ଷା ଯୋଗୁଁ ଫସଲରେ ପତ୍ର ପୋଡା, ଝାଉଁଳା ଓ ମୂଳ ସଢା ଦେଖା ଦେବାର ସମ୍ଭାବନା ଅଛି । ତେଣୁ ବର୍ଷା ଛାଡି ଗଲା ପରେ ପ୍ରତି ୧ ଲିଟର ପାଣିରେ ୨ ଗ୍ରାମ Metalaxyl + Mancozeb କିମ୍ବା ୨ ଗ୍ରାମ Carbendazim+ Mancozeb ଓ ୧ ଗ୍ରାମ Plantomycin କୁ ମିଶାଇ ଫସଲ ମୂଳକୁ ସିଂଚନ କରନ୍ତୁ ।
- ❖ ଓଡ଼ିଶା ଉପକୂଳରେ ଆଗାମୀ ଦୁଇ ଦିନ ପର୍ଯ୍ୟନ୍ତ ସମୁଦ୍ରକୁ ପ୍ରବେଶ ନ କରିବାକୁ ମାଛଧରାଳି ମାନଙ୍କୁ ସତର୍କ କରାଯାଉଅଛି ।
- ❖ ପାଣିପାଗର ପୂର୍ବାନୁମାନ ଅନୁସାରେ, ଆଗାମୀ ପାଞ୍ଚ ଦିନ ପର୍ଯ୍ୟନ୍ତ ବଜ୍ରପାତ ସହିତ ଅଧିକ ବେଗରେ ପବନ ବୋହିବାର ସମ୍ଭାବନା ରହିଛି । ତେଣୁ, ଚାଷୀ ଭାଇମାନଙ୍କୁ ବଜ୍ରଧ୍ୱନି ଶୁଣିବା ପରେ, ସମସ୍ତ କାର୍ଯ୍ୟ ବନ୍ଦକରି ସୁରକ୍ଷିତ ସ୍ଥାନକୁ ଯିବାକୁ ଓ ଉଚ୍ଚ ଗଛ, ବିଦ୍ୟୁତ୍ ଖୁଣ୍ଟି କିମ୍ବା ଅସ୍ଥାୟୀ ଛପର ତଳେ ଶରଣ ନ ନେବାକୁ ପରାମର୍ଶ ଦିଆଯାଉଅଛି । ଯଦି କୌଣସି ସୁରକ୍ଷିତ ସ୍ଥଳ ଉପଲବ୍ଧ ନଥାଏ, ତେବେ ଖୋଲା ଜାଗାରେ ତଳକୁ ବସି ଦୁଇଟି ପାଦକୁ ଏକସାଥିରେ ରଖନ୍ତୁ, ଯେପରିକି ଶରୀରର ସବୁଠାରୁ କମ ଅଂଶ ମାଟି ସହିତ ଲାଗିରହିବ ।

| ଫସଲ | ଅବସ୍ଥା | କୃଷି ପରାମର୍ଶ |
|---|---|---|
| ଧାନ | ପିଲ ଅବସ୍ଥା | ❖ ମହିଷା<br>ଧାନ ଫସଲରେ ମହିଷା ରୋଗ ର ପରିଚାଳନା ପାଇଁ ଶୁଖିଲା ପାଗ ଦେଖି ଏକର ପ୍ରତି ୪୦୦- ମିଲି Hexaconazole ନାମକ ଫିମ୍ପିନାଶକ କିମ୍ବା ୨୦୦- ମିଲି Azoxystrobin ଓ Difenoconazole ର ମିଳିତ ଫିମ୍ପିନାଶକ କିମ୍ବା ୮୦- ଗ୍ରାମ Tebuconazole ଓ Trifloxystrobin ର ମିଳିତ ଫିମ୍ପିନାଶକ ୨୦୦- ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ ।<br>❖ ଲେଡା ପୋକ<br>ବର୍ଷା ଛାଡିବା ପରେ ଧାନ ରେ ଲେଡା ପୋକର ଲାଗିବାର ସମ୍ଭାବନା ଅଛି । ଏହାର ନିୟନ୍ତ୍ରଣ କରିବା ପାଇଁ ଶୁଖିଲା ପାଗ ଦେଖି ସନ୍ଧ୍ୟା ସମୟରେ ପ୍ରତି ଲିଟର ପାଣିରେ ୧.୫-ମି.ଲି ହିସାବ ରେ Lambda-cyhalothrin କିମ୍ବା ୨ ମିଲି ହିସାବ ରେ (Chlorpyriphos + Cypermethrin) ସିଂଚନ କରନ୍ତୁ । ପୋକ ଗଡିକ ରାତ୍ରିଚର ହୋଇଥିବାରୁ କୀଟନାଶକ କୁ ଉପରବେଳା କିମ୍ବା ସନ୍ଧ୍ୟା ସମୟସର ସିଂଚନ କରନ୍ତୁ । |
| ହରଡ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ପତ୍ର ମୋଡା / ପତ୍ର ଛନ୍ଦା ପୋକ<br>ବର୍ତ୍ତମାନ ସମୟରେ ହରଡ ଫସଲରେ ପତ୍ର ମୋଡା ଓ ପତ୍ର ଛନ୍ଦା ପୋକ ଲାଗିବାର ସମ୍ଭାବନା ଅଛି ।ଏହି ପୋକର ପରିଚାଳନା ପାଇଁ ବର୍ଷା ଛାଡ଼ିଗଲା ପରେ ଏକର ପ୍ରତି ୪୦୦ ମିଲି Chlorpyriphos ଓ Cypermethrin ର ମିଳିତ କୀଟନାଶକ ଯାହାକି Premain Super ବା Super 505 ନାମରେ ମିଳୁଛି କିମ୍ବା ୪୦୦ ମିଲି Profenophos ନାମକ କୀଟନାଶକ ଯାହାକି Prahar ବା Profigan ନାମରେ ମିଳୁଛି ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| ବିରି ଓ ମୁଗ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ପତ୍ର ଖିଆ ପୋକ<br>କ୍ଷେତରୁ ଅଧିକ ଜଳ ନିଷ୍କାସନ କରନ୍ତୁ । ପତ୍ର ଖିଆ ପୋକ ର ନିୟନ୍ତ୍ରଣ ପାଇଁ ଏକର ପ୍ରତି ୧ ଲିଟର ନିମ୍ବ ଆଧାରିତ ତେଲ ୩୦୦ ପିପିଏମ କୁ ୨୦୦- ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ଏହି ପୋକର ରାସାୟନିକ ଉପାୟରେ ପରିଚାଳନା ପାଇଁ ଶୁଖିଲା ପାଗ ଦେଖି ଏକର ପ୍ରତି ୪୦୦ ମିଲି Profenophos ନାମକ କୀଟନାଶକ କିମ୍ବା ୬୦ ଗ୍ରାମ Emamectin Benzoate ନାମକ ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଂଚନ କରନ୍ତୁ । |
| ମକା | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ପତ୍ର ପୋଡା ରୋଗ<br>ବର୍ତ୍ତମାନ ସମୟରେ ମକା ଫସଲ ରେ ପତ୍ର ପୋଡା ରୋଗ ହେବାର ସମ୍ଭାବନା ଅଛି । ବର୍ଷା ଛାଡ଼ିଗଲା ପରେ ଏହାର ପରିଚାଳନା ପାଇଁ ଏକର ପ୍ରତି ୪୦୦-ଗ୍ରାମ ମାଙ୍କୋଜେବ (Mancozeb) ନାମକ ଫିମ୍ପିନାଶକ କିମ୍ବା ୪୦୦-ଗ୍ରାମ ଜିନେବ (Zineb) ନାମକ ଫିମ୍ପିନାଶକ କିମ୍ବା କାରବେନଡାଜିମ (Carbendazim) ଏବଂ ମାଙ୍କୋଜେବ (Mancozeb) ର ମିଳିତ ଫିମ୍ପିନାଶକ, ୨୦୦-ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |

| | | |
|---|---|---|
| ଆଖୁ | ଅଙ୍ଗୀୟ ବୃଦ୍ଧି ଅବସ୍ଥା | ❖ ନାଲି ଶଢା ରୋଗ<br>ଶୁଖିଲା ପାଗ ଦେଖି ଆଖୁ ଫସଲ ରେ ନାଲି ଶଢା ରୋଗ ର ପରିଚାଳନା ପାଇଁ ଏକର ପ୍ରତି Carbendazim ୧୨%+ Mancozeb ୬୩ % WP @ ୪୦୦ଗ୍ରାମ କିମ୍ବା Metalaxyl ୮ % + Mancozeb ୬୪ % @ ୪୦୦ଗ୍ରାମ, ୨୦୦-ଲିଟର ପାଣି ରେ ମିଶାଇ ସିଂଚନ କରନ୍ତୁ। |
| ଲଙ୍କା ଓ ବାଇଗଣ | ଫୁଲ ଓ ଫଳ ଧରିବା ଅବସ୍ଥା | ❖ ଫଳ ପଚା ରୋଗ<br>ବର୍ଷା ପରେ ଲଙ୍କା ଓ ବାଇଗଣ ରେ ଫଳ ପଚା ରୋଗ ଲାଗିବାର ସମ୍ଭାବନା ଅଛି । ଏହି ରୋଗର ପରିଚାଳନା ପାଇଁ ଶୁଖିଲା ପାଗ ଦେଖି carbendazim 50% WP @ ୨ ଗ୍ରାମ କିମ୍ବା Copper oxycloride 50% WP @ ୩ ଗ୍ରାମ ୧ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । |
| କଖାରୁଜାତୀୟ ପନିପରିବା | ଅଙ୍ଗୀୟ ବୃଦ୍ଧି - ଫୁଲ ଓ ଫଳ ଧରିବା ଅବସ୍ଥା | ❖ ନିମ୍ନମୁଖୀ ପତ୍ରପାଡା ରୋଗ<br>ଶୁଖିଲା ପାଗ ଦେଖି କଖାରୁ ଜାତୀୟ ପନିପରିବା ଫସଲ ଯଥା କଖାରୁ, କାକୁଡି, କଲରା, ଜହ୍ନି, ପୋଟଳ, ଲାଉ ଇତ୍ୟାଦି ଫସଲରେ ନିମ୍ନମୁଖୀ ପତ୍ରପାଡା ରୋଗର ପରିଚାଳନା ପାଇଁ ପ୍ରତି ଲିଟର ପାଣିରେ ୩-ଗ୍ରାମ କପର ହାଇଡ୍ରୋକସାଇଡ (Copper Hydroxide) ନାମକ ଫିମ୍ପିନାଶକ କିମ୍ବା ପ୍ରତି ଲିଟର ପାଣିରେ ୩-ଗ୍ରାମ ଫୋସେଟିଲ-ଆଲ (Fosetyl –AL) ନାମକ ଫିମ୍ପିନାଶକ କିମ୍ବା ପ୍ରତି ଲିଟର ପାଣିରେ ୨-ଗ୍ରାମ କରବେଣ୍ଡାଜିମ ଏବଂ ମଙ୍କୋଜେବ (Carbendazim ଏବଂ Mancozeb) ର ମିଳିତ ଫିମ୍ପିନାଶକ ମିଶାଇ ସିଂଚନ କରନ୍ତୁ। |
| ଅମୃତଭଣ୍ଡା | ଅଙ୍ଗୀୟ ବୃଦ୍ଧି - ଫୁଲ ଓ ଫଳ ଧରିବା ଅବସ୍ଥା | ❖ ଦହିଆ/ ଚୂର୍ଣ ପୃଷ୍ଠ ପୋକ-<br>ପ୍ରାରମ୍ଭିକ ଅବସ୍ଥା ରେ ଦହିଆ/ ଚୂର୍ଣ ପୃଷ୍ଠ ପୋକ ପରିଚାଳନା ପାଇଁ ପ୍ରତି୧୦-ଲିଟର ପାଣିରେ ୩୦-ମିଲି ନିମ୍ବ ଆଧାରିତ କୀଟନାଶକ ମିଶାଇ ସିଞ୍ଚନକରନ୍ତୁ । ଏହା ବ୍ୟତୀତ ଗଛ ରେ ସାବୁନ ଗୁଣ୍ଡ ମିଶ୍ରିତ ପାଣି ସିଞ୍ଚନ କରାଯାଇପାରିବ । ପୋକ ର ଆକ୍ରମଣ ଅଧିକ ହେଲେ ରାସାୟନିକ କୀଟନାଶକ ସିଞ୍ଚନ କରନ୍ତୁ । ବର୍ଷା ଛାଡ଼ିଗଲା ପରେ ରାସାୟନିକ ଉପାୟରେ ଏହି ପୋକର ଦମନ ପାଇଁ ପ୍ରତି ୧୦-ଲିଟର ପାଣିରେ ୨୦-ମିଲି ପ୍ରୋଫେନୋଫସ (Profenophos) ନାମକ କୀଟନାଶକ କିମ୍ବା ୩-ଗ୍ରାମ ଥିଆମିଥୋଗଜାମ (Thiamethoxam) ନାମକ କୀଟନାଶକ ମିଶାଇ ସିଞ୍ଚନ କରନ୍ତୁ। |
| ନଡିଆ | ଅଙ୍ଗୀୟ ବୃଦ୍ଧି - ଫୁଲ ଓ ଫଳ ଧରିବା ଅବସ୍ଥା | ❖ କାଳିମୁଣ୍ଡି ପୋକ ର ପରିଚାଳନା ପାଇଁ ବ୍ରାକୋନ କାର୍ଡ ଜୈବ ପରୀକ୍ଷାଗାରରୁ ଆଣି ଗଛ ବାହୁଙ୍ଗା ରେ ବାନ୍ଧି ଦିଅନ୍ତୁ । ଆକ୍ରାନ୍ତ ବାହୁଙ୍ଗା କୁ କାଟି ପୋଡି ଦିଅନ୍ତୁ।ରାସାୟନିକ ଉପାୟରେ ଏହି କୀଟର ପରିଚାଳନା ପାଇଁ ପ୍ରତି ୧୦-ଲିଟର ପାଣିରେ ୪-ମିଲି କ୍ଲୋରାନଟ୍ରାନିପ୍ରୋଲ (Chlorantraniliprole) ନାମକ କୀଟନାଶକ କିମ୍ବା ୪-ଗ୍ରାମ ଏମାମେକଟୀନ ବେଞ୍ଜୋଏଟ (Emamectin Benzoate) ନାମକ କୀଟନାଶକ ମିଶାଇ ପତ୍ର ଉପରେ ସିଞ୍ଚନ କରନ୍ତୁ । |
| ଗେଣ୍ଡୁ ଫୁଲ | ଲଗାଇବା ଅବସ୍ଥା | ❖ ଅଗଷ୍ଟ ମାସ ରୁ ଜାନୁୟାରୀ ମାସ ପର୍ଯ୍ୟନ୍ତ ଆଫ୍ରିକୀୟ ଗେଣ୍ଡୁ ଲଗାଯାଇ ପାରିବ । ଆଫ୍ରିକୀୟ ଗେଣ୍ଡୁ କିସମ ଗୁଡିକ ଯଥା – ଜାଏଣ୍ଟବଲ, ଆଫ୍ରିକାନ ଏଲୋ , ଏରଲି ଏଲୋ, ଏରଲି ଅରେଞ୍ଜ, ଜାଏଣ୍ଟବଲ ଆଫ୍ରିକାନ ଅରେଞ୍ଜ ଓ କ୍ରାଉନ ଓଫ ଗୋଲ୍ଡ ଇତ୍ୟାଦି । ଗଛ ଲଗାଇବା ପୂର୍ବ ରୁ ଏକର ପ୍ରତି ୨୦ ଟନ ଗୋବର ଖତ, ୪୦ କେଜି ଯବକ୍ଷାରଜାନ, ୮୦ କେଜି ଫସଫରସ ଓ ୮୦ କେଜି ପୋଟାସ ସାର ପ୍ରୟୋଗ କରନ୍ତୁ । ୨୫ ରୁ ୩୦ ଦିନ ତଳି ବା ଡାଳି କଲମି ଉପରବେଳା ରୁଅନ୍ତୁ । |

| | |
|---|---|
| ପଶୁ ସମ୍ପଦ | ❖ ଗୁହାଳ ଗୁଡ଼ିକୁ ସଫା ଏବଂ ଶୁଷ୍କ ରଖନ୍ତୁ । ପଶୁମାନଙ୍କୁ ପର୍ଯ୍ୟାପ୍ତ ଖାଦ୍ୟ ଏବଂ ଜଳ ଯୋଗାନ୍ତୁ । ବାର୍ଷିକ ଟୀକା ସାରଣୀକୁ ଅନୁସରଣ କରି ସେମାନଙ୍କୁ ଉପଯୁକ୍ତ ଟୀକାକରଣ କରାନ୍ତୁ। |
| କୁକୁଡା | ❖ କୁକୁଡ଼ା ଘର ମାନଙ୍କରେ ବର୍ଷା ପାଣି ନପଶିବା ପାଇଁ ମରାମତି କରେଇ ଦିଅନ୍ତୁ । ଚିଆଁ ମାନଙ୍କ ପାଇଁ ବ୍ୟବହୃତ ଚଷ୍ଟୁ ବା ନଡ଼ାକୁ ଓଦା ନକରି ଶୁଖିଲା ରଖନ୍ତୁ ।<br>❖ କୁକୁଡ଼ା ଦାନାରେ ଯେମିତି ବର୍ଷା ପାଣି ନପଡେ ସେଥିପାଇଁ ଧ୍ୟାନ ଦେବା ଉଚିତ, ନଚେତ ତାହା ବିଣ୍ଡା ହୋଇ ସେଥିରେ ଫିମ୍ପି ଲାଗିବାର ସମ୍ଭାବନା ଥାଏ । |

ତୁଷାର ରଞ୍ଜନ ମହାନ୍ତି
ନୋଡାଲ୍ ଅଫିସର,
ଗ୍ରାମୀଣ କୃଷି ମୌସମ ସେବା,ଓ.ୟୁ.ଏ.ଟି
ଅଧ୍ୟକ୍ଷ, ଗବେଷଣା ନିର୍ଦ୍ଦେଶାଳୟ,
ଓଡ଼ିଶା କୃଷି ଓ ବୈଷୟିକ ବିଶ୍ୱବିଦ୍ୟାଳୟ

ଚାଷରେ ଅଧିକ ଲାଭବାନ ହେବା ପାଇଁ ଓୟୁଏଟି କଳିଙ୍ଗ ଉତ୍ପାଦ (ଚାରା,QPM, ଟିସୁ କଲଚର ଗଛ, ଫଳ ଓ ପନିପରିବା, ଯାଆଁଳ,କୁକୁଡା ଚିଆଁ, ଛତୁ, ଛତୁ ମଞ୍ଜି, ଜୈବିକ ସାର, ଜୈବିକ କୀଟନାଶକ, ଜିଆ ଖତ, କୃଷି ଯନ୍ତ୍ରପାତି ଇତ୍ୟାଦି ) ବ୍ୟବହାର କରନ୍ତୁ ।

ଭାରତୀୟପାଣିପାଗବିଭାଗରପୂର୍ବାନୁମାନଓପାଣିପାଗଭିତିକକୃଷିସୂଚନାନିମନ୍ତେଅଧିକବିବରଣୀପାଇଁ MEGHDOOT ମୋବାଇଲ ଆପ ବ୍ୟବହାର କରନ୍ତୁ ।

(Android: https://play.google.com/store/apps/details?id=com.aas.meghdoot)

(iOS: https://apps.apple.com/in/app/meghdoot/id1474048155)